ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୭୭ ଜଣ କରୋନା ପଜିଟିଭ ଚିହ୍ନଟ ।

### ପଜିଟିଭ ସଂଖ୍ୟା ୪୨୬୮୭ରେ ପହଞ୍ଚିଲା - ସୁସ୍ଥ ହେଲେ ୮୫ ଜଣ ।

ଅନୁଗୋଳ, ତା.୨୫.୦୭:- ଆଜି ଅନୁଗୋଳ ଜିଲ୍ଲାରେ ୭୭ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣିଆଁରପାଳ ବ୍ଲକ୍ ଅଂଚଳରୁ ୧୭ଜଣ ( ୧୨ଜଣ ପୁରୁଷ ଓ ୫ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୦ଜଣ ( ୭ଜଣ ପୁରୁଷ ଓ ୩ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୯ଜଣ ( ୮ଜଣ ପୁରୁଷ ଓ ୧ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୮ଜଣ ( ୫ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୮ଜଣ ( ୬ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୮ଜଣ ( ୫ଜଣ ପୁରୁଷ ଓ ୩ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୬ଜଣ ( ୫ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୫ଜଣ ( ୩ଜଣ ପୁରୁଷ ଓ ୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୪ଜଣ(୨ ଜଣ ପୁରୁଷ ଓ ୨ଜଣ ମହିଳା) ଓ ତାଳଚେର ପୌରାଞ୍ଚଳରୁ ୨ଜଣ ( ୧ଜଣ ପୁରୁଷ ଓ୧ ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କ ମଧ୍ୟରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୮୫ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୨୨୯ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୩ ଲକ୍ଷ ୬୩ହଜାର ୧୫୩ ଜଣଙ୍କୁ ଟିକା ଦିଆଗଲାଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୪୨୩ ତା.୨୫.୦୭.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ